# REGIONAL NEWS UNIT, AIR CUTTACK

## Evening Bulletin (6.45 PM)

**15th August - 2024**

**News Editor : *Itishree Singh Rathaur***

*********************************

## ମୁଖ୍ୟ ସମ୍ବାଦ

- ସମଗ୍ର ଦେଶ ଉତ୍ସାହ ଓ ଉଦ୍ଦୀପନାର ସହ ପାଳନ କରୁଛି ୭୮ତମ ସ୍ୱାଧୀନତା ଦିବସ ।

— ସେମିକଣ୍ଡକ୍ଟର, ଗେମିଂ ଓ ଡିଜାଇନିଂ ଭଳି କ୍ଷେତ୍ରରେ ଭାରତକୁ ବିଶ୍ୱର ଅଗ୍ରଣୀ ରାଷ୍ଟ୍ର ଭାବେ ପରିଣତ କରିବା ଉପରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କ ଗୁରୁତ୍ୱାରୋପ ।

- ରାଜ୍ୟସ୍ତରୀୟ ସମାରୋହରେ ଜାତୀୟ ପତାକା ଉତ୍ତୋଳନ ସହ ସମ୍ମିଳିତ ପରେଡ୍‌ରେ ଅଭିବାଦନ ଗ୍ରହଣ କଲେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ।

— କହିଲେ, ଖୁବ୍ ଶୀଘ୍ର ଖାଲି ପଡ଼ିଥିବା ଦେଢ଼ ଲକ୍ଷ ସରକାରୀ ପଦବୀ ପୂରଣ ହେବ ।

ଏବଂ

- ଆସନ୍ତା ୨୪ ଘଣ୍ଟାରେ ଘଡ଼ଘଡ଼ି ସହ ବର୍ଷା ନେଇ ୧୮ଟି ଜିଲ୍ଲାକୁ ସତର୍କ ସୂଚନା ଜାରି କଲା ପାଣିପାଗ କେନ୍ଦ୍ର ।

*Desk*

## ପ୍ରଧାନମନ୍ତ୍ରୀ - ସ୍ୱାଧୀନତା ଦିବସ

ଦେଶରେ ୭୮ତମ ସ୍ୱାଧୀନତା ଦିବସ ଉତ୍ସାହ ଓ ଉଦ୍ଦୀପନାର ସହ ପାଳନ କରାଯାଉଛି। ବିଭିନ୍ନ ସ୍ଥାନରେ ସ୍ୱାଧୀନତା ଦିବସ ସମାରୋହ ସହ ବିଶେଷ କାର୍ଯ୍ୟକ୍ରମ ଆୟୋଜିତ ହୋଇଛି। ନୂଆଦିଲ୍ଲୀର ଐତିହାସିକ ଲାଲ୍‌କିଲ୍ଲାରେ ଜାତୀୟ ପତାକା ଉତ୍ତୋଳନ କରି ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ କହିଛନ୍ତି, ୨୦୪୭ ମସିହା ସୁଦ୍ଧା ବିକଶିତ ଭାରତ ଗଠନର ସ୍ୱପ୍ନକୁ ସାକାର କରିବା ପାଇଁ ସରକାର ସଂକଳ୍ପବଦ୍ଧ। ଏହି ସଂକଳ୍ପରେ ଦେଶବାସୀଙ୍କର ସ୍ୱପ୍ନ ପ୍ରତିଫଳିତ ହେଉଛି ।

ବିଜ୍ଞାନ, କୃଷି, ନିର୍ମାଣ ତଥା ନ୍ୟାୟିକ କ୍ଷେତ୍ର ସମେତ ଅନ୍ୟାନ୍ୟ କ୍ଷେତ୍ରରେ କେତେକ ସଂସ୍କାରମୂଳକ ପଦକ୍ଷେପ ନେବା ଲାଗି ଜନସାଧାରଣ ସରକାରଙ୍କୁ ପରାମର୍ଶ ଦେଇଥିବା ସେ କହିଛନ୍ତି । ଶ୍ରୀ ମୋଦୀ କହିଛନ୍ତି, ଦେଶ ଗଠନରେ ଯୁବବର୍ଗ, ମହିଳା ଓ କୃଷକଙ୍କର ଗୁରୁତ୍ୱପୂର୍ଣ୍ଣ ଭୂମିକା ରହିଛି ।

ସେମି-କଣ୍ଡକ୍ଟର ଉତ୍ପାଦନ କ୍ଷେତ୍ରରେ ବିଶ୍ୱର ଏକ ଅଗ୍ରଣୀ ରାଷ୍ଟ୍ର ହେବା ନେଇ ଭାରତ ପ୍ରତିଶ୍ରୁତିବଦ୍ଧ । ସେହିଭଳି ଗେମିଂ ଓ ଡିଜାଇନ୍ ସମେତ ବିଭିନ୍ନ

କ୍ଷେତ୍ରରେ ଭାରତକୁ ବିଶ୍ୱସ୍ତରରେ ସ୍ଥାପିତ କରିବାପାଇଁ ନୂତନ ପ୍ରଯୁକ୍ତି ବିଦ୍ୟାର ଆବଶ୍ୟକତା ରହିଛି ।  ଆର୍ଥିକ କ୍ଷେତ୍ରରେ ସରକାରଙ୍କ ସମୟୋଚିତ ପଦକ୍ଷେପ ଯୋଗୁଁ ସମଗ୍ର ଦେଶରେ ୧୦ କୋଟିରୁ ଊର୍ଦ୍ଧ୍ୱ ସ୍ୱୟଂସହାୟକ ଗୋଷ୍ଠୀଙ୍କୁ ଆର୍ଥିକ ସହାୟତା ପ୍ରଦାନ କରାଯାଇଛି । ଫଳରେ ମହିଳାମାନେ ସ୍ୱାବଲମ୍ବୀ ହୋଇପାରିଛନ୍ତି । ଭୋକାଲ୍ ଫର୍ ଲୋକାଲ୍ ମନ୍ତ୍ର ଦେଶର ଅର୍ଥନୈତିକ ବୃଦ୍ଧିର ମନ୍ତ୍ର ପାଲଟିଛି ବୋଲି ପ୍ରଧାନମନ୍ତ୍ରୀ କହିଛନ୍ତି । ଅପରପକ୍ଷରେ ସମାଜରେ ଘଟୁଥିବା ମହିଳା ବିରୋଧୀ ହିଂସା ଓ ଅପରାଧକୁ ନେଇ ଚିନ୍ତା ପ୍ରକଟ କରିବା ସହ ଅପରାଧୀମାନଙ୍କୁ ତ୍ୱରିତ ଦଣ୍ଡବିଧାନ ହେବା ଉଚିତ ବୋଲି ପ୍ରଧାନମନ୍ତ୍ରୀ କହିଛନ୍ତି ।

***Desk***

## ସ୍ୱାଧୀନତା ଦିବସ - ରାଜ୍ୟ

ଭୁବନେଶ୍ୱରଠାରେ ଆୟୋଜିତ ରାଜ୍ୟସ୍ତରୀୟ ସମାରୋହରେ ଯୋଗଦେଇ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଜାତୀୟ ପତାକା ଉତ୍ତୋଳନ କରିବା ସହ ସମ୍ମିଳିତ ପରେଡ୍‌ରେ ଅଭିବାଦନ ଗ୍ରହଣ କରିଥିଲେ। ଏହି ଅବସରରେ ମୁଖ୍ୟମନ୍ତ୍ରୀ କହିଛନ୍ତି, ରାଜ୍ୟର ବିକାଶ ପାଇଁ ଅନେକ ପଦକ୍ଷେପ ଗ୍ରହଣ କରାଯାଉଛି। ଏହିକ୍ରମରେ ଖାଲି ପଡ଼ିଥିବା ଦେଢ଼ ଲକ୍ଷ ସରକାରୀ ପଦବୀ ପୂରଣ କରାଯିବ । ଏହା ସହିତ ଆଗାମୀ ୫ ବର୍ଷରେ ରାଜ୍ୟରେ ଯୁବକ ଓ ଯୁବତୀମାନଙ୍କପାଇଁ ନିଯୁକ୍ତି କ୍ଷେତ୍ରରେ ବ୍ୟାପକ ସୁଯୋଗ ସୃଷ୍ଟି ପାଇଁ

ପ୍ରୟାସ କରାଯାଉଛି । ଶିକ୍ଷା, ସ୍ୱାସ୍ଥ୍ୟ, ଶିଳ୍ପାୟନ, ନିଯୁକ୍ତି, ଦକ୍ଷତା ବିକାଶ ଏବଂ ଗରିବ କଲ୍ୟାଣ ଯୋଜନାର ସୁଫଳ ପ୍ରକୃତ ହିତାଧିକାରୀ ପାଖରେ ପହଞ୍ଚାଇବାକୁ ଆନୁଷଙ୍ଗିକ ପଦକ୍ଷେପ ଗ୍ରହଣ କରାଯାଇଛି ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି । ସେ କହିଛନ୍ତି, ଓଡ଼ିଶାର ବିକାଶ ରାସ୍ତାରେ ୨୦୨୯, ୨୦୩୬ ଓ ୨୦୪୭ ଭଳି ତିନୋଟି ମାଇଲ୍ ଖୁଣ୍ଟ ଧାର୍ଯ୍ୟ କରାଯାଇଛି ।

ରାଜ୍ୟକୁ ପୂର୍ବ ଓ ଦକ୍ଷିଣ-ପୂର୍ବ ଏସିଆର ଦ୍ୱାରଦେଶ ରୂପେ ବିକଶିତ କରିବାର ଲକ୍ଷ୍ୟ ରଖାଯାଇଛି । ଏଥିପାଇଁ ୪୮୦ କିଲୋମିଟର ସୁଦୀର୍ଘ ବେଳାଭୂମିର ବିନିଯୋଗ କରି ବନ୍ଦର ଓ ବନ୍ଦରଭିତ୍ତିକ ଶିଳ୍ପର ବିକାଶ ପାଇଁ କାର୍ଯ୍ୟକ୍ରମର ପ୍ରସ୍ତୁତ କରାଯାଉଛି ।

ମୁଖ୍ୟମନ୍ତ୍ରୀ କହିଛନ୍ତି, ରାଜ୍ୟରେ କ୍ରୀଡ଼ାର ବିକାଶ ପାଇଁ ହଜାରେ କୋଟି ଟଙ୍କା ବ୍ୟୟରେ ୧୨୦ ଏକର ଅଞ୍ଚଳ ପରିବ୍ୟାପ୍ତ ଏକ ବିଶ୍ୱସ୍ତରୀୟ ବହୁମୁଖୀ ଷ୍ଟାଡିୟମ୍ ନିର୍ମାଣ କରାଯିବ । ଏଥିରେ ଖେଳାଳୀମାନଙ୍କ ସହ ସାଧାରଣ ଲୋକ ମଧ୍ୟ ଅଭ୍ୟାସ କରିପାରିବେ । ଏହାସହ ପ୍ରତି ଜିଲ୍ଲାରେ ଜାତୀୟ ସ୍ତରୀୟ ଷ୍ଟାଡିୟମ୍ ନିର୍ମାଣ କରିବାକୁ ନିଷ୍ପତ୍ତି ନିଆଯାଇଛି ।

***Voice :...............***

ମୁଖ୍ୟମନ୍ତ୍ରୀ କହିଛନ୍ତି, ବିକଶିତ ଓଡ଼ିଶାର ରୂପରେଖ ପ୍ରସ୍ତୁତ ପାଇଁ ଏକ ୱେବ୍ ପୋର୍ଟାଲ୍ ପ୍ରସ୍ତୁତ କରାଯାଉଛି । ଏହା ମାଧ୍ୟମରେ ଜନସାଧାରଣ, ବୁଦ୍ଧିଜୀବୀ ଓ ବିଶେଷଜ୍ଞମାନଙ୍କ ମତାମତ ପାଇଁ ମୁଖ୍ୟମନ୍ତ୍ରୀ ଆହ୍ୱାନ କରିଛନ୍ତି । ପ୍ରଧାନମନ୍ତ୍ରୀଙ୍କ 'ସବ୍‌କା ସାଥ, ସବ୍‌କା ବିକାଶ, ସବ୍‌କା ବିଶ୍ୱାସ, ସବ୍‌କା

ପ୍ରୟାସ' ମନ୍ତ୍ରରେ ଦୀକ୍ଷିତ ହୋଇ ଓଡ଼ିଶାରେ ଆବଶ୍ୟକ ନିଷ୍ପତ୍ତି ଗ୍ରହଣ କରାଯାଉଛି ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି ।

***Desk***

## ସ୍ୱାଧୀନତା ଦିବସ - ଜିଲ୍ଲା

ରାଜ୍ୟର ବିଭିନ୍ନ ସ୍ଥାନରେ ସ୍ୱାଧୀନତା ଦିବସ ପାଳନ କରାଯାଇଛି । ଝାରସୁଗୁଡ଼ା ମୋହନ ସ୍କୁଲ ପଡ଼ିଆଠାରେ ଅନୁଷ୍ଠିତ ସ୍ୱାଧୀନତା ଦିବସ ସମାରୋହରେ ଜିଲ୍ଲାପାଳ ଆବୋଲି ସୁନୀଲ ନରଓ୍ୱଣେ ପତାକା ଉତ୍ତୋଳନ କରିଥିଲେ। ଏହି ଅବସରରେ ସ୍ୱାଧୀନତା ସଂଗ୍ରାମୀ ପରିବାରଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା।

ଢେଙ୍କାନାଳ ଷ୍ଟାଡିୟମଠାରେ ଜିଲ୍ଲାପାଳ ସୌମେଶ କୁମାର ଉପାଧ୍ୟାୟ ଜାତୀୟ ପତାକା ଉତ୍ତୋଳନ କରି ଅଭିବାଦନ ଗ୍ରହଣ କରିଛନ୍ତି। ବାଜିରାଉତ ଓ ସ୍ୱାଧୀନତା ସଂଗ୍ରାମୀମାନଙ୍କ ତ୍ୟାଗ ଓ ଅବଦାନକୁ ସର୍ବଦା ସ୍ମରଣ କରିବା ପାଇଁ ସେ ଉପସ୍ଥିତ ଜନସାଧାରଣଙ୍କୁ କହିଥିଲେ।

କେନ୍ଦ୍ରାପଡ଼ା ସ୍ୱୟଂଶାସିତ ମହାବିଦ୍ୟାଳୟ ପଡ଼ିଆ ପରିସରରେ ଜିଲ୍ଲାସ୍ତରୀୟ ସ୍ୱାଧୀନତା ଦିବସରେ ଜିଲ୍ଲାପାଳ ସ୍ମୃତିରଞ୍ଜନ ପ୍ରଧାନ ପତାକା ଉତ୍ତୋଳନ କରିଛନ୍ତି। ବିଭିନ୍ନ କ୍ଷେତ୍ରରେ କୃତିତ୍ୱ ଅର୍ଜନ କରିଥିବା ବିଦ୍ୟାର୍ଥୀ ଏବଂ ସ୍ୱାଧୀନତା ସଂଗ୍ରାମୀମାନଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା।

ସୁବର୍ଣ୍ଣପୁରର ରାମେଶ୍ୱର ଷ୍ଟାଡିୟମଠାରେ ଜିଲ୍ଲାସ୍ତରୀୟ ସ୍ୱାଧୀନତା ଦିବସ ମହାସମାରୋହରେ ପାଳିତ ହୋଇଯାଇଛି। ଜିଲ୍ଲାପାଳ ଅନ୍ୟା ଦାସ ଯୋଗଦେଇ ପତାକା ଉତ୍ତୋଳନ କରିବା ସହ ପରେଡ୍‌ରେ ଅଭିବାଦନ ଗ୍ରହଣ କରିଥିଲେ। ଜିଲ୍ଲାର ସାମଗ୍ରୀକ ଅର୍ଥନୀତିକ ବିକାଶରେ ଜନସାଧାରଣଙ୍କ ସହଭାଗିତା ହିଁ ସୁବର୍ଣ୍ଣପୁରକୁ ବିକଶିତ କରିବ ବୋଲି ଜିଲ୍ଲାପାଳ କହିଥିଲେ।

***Desk***

# ପ୍ରଧାନମନ୍ତ୍ରୀ - ଅଲିମ୍ପିକ୍ସ ଖେଳାଳୀ

ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦି ଆଜି ନୂଆଦିଲ୍ଲୀରେ ପ୍ୟାରିସ୍ ଅଲିମ୍ପିକ୍ସରେ ଭାରତ ପକ୍ଷରୁ ଭାଗ ନେଇଥିବା ଖେଳାଳୀମାନଙ୍କୁ ସାକ୍ଷାତ୍ କରିଛନ୍ତି । ଏହି ଅବସରରେ ପ୍ରଧାନମନ୍ତ୍ରୀ କହିଛନ୍ତି, ପ୍ୟାରିସ୍ ଅଲିମ୍ପିକ୍ସରେ ଭାରତୀୟ ଖେଳାଳୀମାନେ ଉନ୍ନତମାନର ପ୍ରଦର୍ଶନ କରିଥିଲେ । ଲକ୍ଷ୍ୟ ହାସଲପାଇଁ ନିରନ୍ତର ପ୍ରୟାସ ଏବଂ ନୂତନ ସ୍ୱପ୍ନ ସହ ଆଗକୁ ବଢ଼ିବାକୁ ହେବ ବୋଲି ସେ କହିଛନ୍ତି । ପ୍ରଧାନମନ୍ତ୍ରୀ ପାରା-ଅଲିମ୍ପିକ୍ସ ଖେଳାଳୀମାନଙ୍କର ମଧ୍ୟ ସଫଳତା କାମନା କରିଛନ୍ତି । ସୂଚନା ଅନୁସାରେ, ଚଳିତ ବର୍ଷ ଭାରତ ଅଲିମ୍ପିକ୍ସରେ ଗୋଟିଏ ରୌପ୍ୟ ସହ ୬ଟି ପଦକ ଜିତିବାରେ ସଫଳ ହୋଇଛଇ ।

*IPR*

## ପଦକ ପ୍ରଦାନ

ରାଜ୍ୟ ପୁଲିସ୍ ସେବା, ଅଗ୍ନିଶମ ସେବା, ଗୃହରକ୍ଷୀ ଓ ବେସାମରିକ ପ୍ରତିରକ୍ଷା ସେବା ଏବଂ କାରାଗାର ଓ ସଂସ୍କାର ସେବାର ୯୪ ଜଣ ଅଧିକାରୀ ଓ କର୍ମଚାରୀଙ୍କୁ ସେମାନଙ୍କର ସାହସିକତା ଓ ଉଲ୍ଲେଖନୀୟ ସେବା ନିମନ୍ତେ ରାଷ୍ଟ୍ରପତି, ରାଜ୍ୟପାଳ ଓ ସାହସିକତା ପଦକ ଏବଂ ଅର୍ଥ ପୁରସ୍କାର ପ୍ରଦାନ କରାଯାଇଛି । ଭୁବନେଶ୍ୱର ଲୋକସେବା ଭବନର ସମ୍ମିଳନୀ କକ୍ଷରେ ଆୟୋଜିତ ଏକ ସ୍ୱତନ୍ତ୍ର କାର୍ଯ୍ୟକ୍ରମରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଏହି ପଦକ ପ୍ରଦାନ କରିଛନ୍ତି । ଏହି କାର୍ଯ୍ୟକ୍ରମରେ ମୁଖ୍ୟ ଶାସନ ସଚିବଙ୍କ ସମେତ ବହୁ ବରିଷ୍ଠ ଅଧିକାରୀ ଉପସ୍ଥିତ ଥିଲେ ।

*Desk*

## ଋତୁସ୍ରାବ - ଛୁଟି

ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡ଼ା କର୍ମଜୀବୀ ମହିଳାମାନଙ୍କ ନିମନ୍ତେ ମାସିକ ଋତୁସ୍ରାବ ପାଇଁ ଛୁଟି ଘୋଷଣା କରିଛନ୍ତି । କଟକରେ ସ୍ୱାଧୀନତା ଦିବସ ଉତ୍ସବରେ ଯୋଗଦେଇ ଶ୍ରୀମତୀ ପରିଡ଼ା କହିଛନ୍ତି, ଋତୁସ୍ରାବ ଦିନ କିମ୍ବା ଦ୍ୱିତୀୟ ଦିନ ସରକାରୀ ତଥା ଘରୋଇ ସଂସ୍ଥାରେ କାର୍ଯ୍ୟ କରୁଥିବା ମହିଳା କର୍ମଚାରୀମାନେ ଦିନକପାଇଁ ଛୁଟି ନେଇପାରିବେ ।

***Ganjam/R***

# ବନ୍ଧୁତ୍ୱପୂର୍ଣ୍ଣ କ୍ରିକେଟ୍

ସ୍ୱାଧୀନତା ଦିବସ ଅବସରରେ ଗଞ୍ଜାମ ଜିଲ୍ଲାର ଛତ୍ରପୁରଠାରେ ଆଜି ଜିଲ୍ଲା ପ୍ରଶାସନ ଓ ଛତ୍ରପୁର ପ୍ରେସ୍ କ୍ଲବ୍ ମଧ୍ୟରେ ଏକ ବନ୍ଧୁତ୍ୱପୂର୍ଣ୍ଣ କ୍ରିକେଟ୍ ମ୍ୟାଚ୍ ଅନୁଷ୍ଠିତ ହୋଇଯାଇଛି । ଜିଲ୍ଲା ପ୍ରଶାସନ ଦଳ ପକ୍ଷରୁ ଅତିରିକ୍ତ ଜିଲ୍ଲାପାଳ ଦେବବ୍ରତ ସାହୁ ଏବଂ ପ୍ରେସ୍ କ୍ଲବ୍ ପକ୍ଷରୁ ଉପଦେଷ୍ଟା ବସନ୍ତ କୁମାର ମହାରଣା ଅଧିନାୟକ ଦାୟିତ୍ୱ ତୁଲାଇଥିଲେ ।

***Nayagarh/R***

# ବଜ୍ରପାତ

ନୟାଗଡ଼ ସଦର ଥାନା ପାଣିପୋଇଲା ନିକଟରେ ଆଜି ବଜ୍ରପାତରେ ୧୪ଟି ଗାଈଙ୍କ ମୃତ୍ୟୁ ଘଟିଛି । ସ୍ଥାନୀୟ ଖଡ଼ଗପ୍ରସାଦ ଏବଂ କାଦୁଆ ଗ୍ରାମର ଗାଈଗୁଡ଼ିକ ଏକ ଆମ୍ବତୋଟାରେ ଚରୁଥିବାବେଳେ ବଜ୍ରପାତ ହେବାରୁ ଏହି ଦୁର୍ଘଟଣା ଘଟିଥିଲା ।

*Desk*

# ପାଣିପାଗ

ବଙ୍ଗୋପସାଗରର ପଶ୍ଚିମବଙ୍ଗ ଉପକୂଳରେ ଆସନ୍ତା ୨୪ ଘଣ୍ଟା ମଧ୍ୟରେ ଏକ ଲଘୁଚାପ କ୍ଷେତ୍ର ସୃଷ୍ଟି ହେବା ନେଇ ଭୁବନେଶ୍ୱରସ୍ଥିତ ଆଞ୍ଚଳିକ ପାଣିପାଗ କେନ୍ଦ୍ର ପୂର୍ବାନୁମାନ କରିଛି। ଏହାର ପ୍ରଭାବରେ ଆଗାମୀ ୫ ଦିନ ପର୍ଯ୍ୟନ୍ତ ରାଜ୍ୟର ଅଧିକାଂଶ ସ୍ଥାନରେ ମଧ୍ୟମରୁ ପ୍ରବଳ ବର୍ଷା ହୋଇପାରେ। ଆଗାମୀ ୨୪ ଘଣ୍ଟା ପାଇଁ ଘଡ଼ଘଡ଼ି ସହ ପ୍ରବଳ ବର୍ଷା ହେବାର ସମ୍ଭାବନାକୁ ନେଇ ୧୮ଟି ଜିଲ୍ଲାକୁ ସତର୍କ ସୂଚନା ଜାରି କରାଯାଇଛି। ଏହି ସମୟ ମଧ୍ୟରେ ସମୁଦ୍ର ଅଶାନ୍ତ ରହୁଥିବାରୁ ମତ୍ସ୍ୟଜୀବୀମାନଙ୍କୁ ଆସନ୍ତା ଦୁଇଦିନ ପାଇଁ ସମୁଦ୍ର ମଧ୍ୟକୁ ନ ଯିବାକୁ ପରାମର୍ଶ ଦିଆଯାଇଛି ।

*Ganjam/R*

# କବିତା ପାଠୋତ୍ସବ

ଗଞ୍ଜାମ ଜିଲ୍ଲା ଛତ୍ରପୁର ଜିଲ୍ଲା ପରିଷଦର ଜଉଗଡ଼ ସମ୍ମିଳନୀ କକ୍ଷରେ ଆଜି ଅପରାହ୍ଣରେ ଏକ ବହୁଭାଷୀ ଦେଶାତ୍ମବୋଧକ କବିତା ପାଠୋତ୍ସବ ଅନୁଷ୍ଠିତ ହୋଇଯାଇଛି । ଛତ୍ରପୁର ସାହିତ୍ୟ ସଂସଦ ଓ ଗଞ୍ଜାମ ଜିଲ୍ଲା

ପ୍ରଶାସନର ମିଳିତ ସହଯୋଗରେ ଆୟୋଜିତ କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥିଭାବେ ଛତ୍ରପୁର ବିଧାୟକ କୃଷ୍ଣଚନ୍ଦ୍ର ନାୟକ ଯୋଗ ଦେଇଥିଲେ ।

*****